ପାଠ-୧୭

# ଲକ୍ଷ୍ମୀର ଅଭିସାର

**STUDY NOTES**



**ଗଳ୍ପର ସାରମର୍ମ**

ସହରତଳି ବସ୍ତିର ଛୋଟ ଝିଅଟିଏ । ନାଁ ତାର ଲକ୍ଷ୍ମୀ । ଦିନେ ଦ୍ୱିପ୍ରହର ନିରୋଳା ବେଳେ ଆସିଛି ମନ୍ଦିରକୁ, ଠାକୁରଙ୍କୁ ତାର ମନ କଥା କହିବାପାଇଁ । ତା ହୃଦୟର ସବୁକିଛି ଭଲମନ୍ଦ ତାଙ୍କ ନିକଟରେ ପ୍ରକାଶ କରିବାପାଇଁ । ତାକୁ ସବୁ ଦିନ ଏହି ପରି ସୁଯୋଗ ମିଳେ ନାହିଁ । କାରଣ ସବୁବେଳେ ବୁଢା ପୂଜାରୀଟା ଜଗି ରହିଥାଏ ।

ଲକ୍ଷ୍ମୀର ପୂଜାରୀକୁ ଭାରି ଡର । ସେ ଅନୁମାନ କରେ ପୂଜାରୀ ଗୋଟିଏ ପଣ୍ଡିତ । ତାକୁ ହୁଏତ ପାଠ ସମ୍ବନ୍ଧୀୟ ଜଟିଳ ପ୍ରଶ୍ନ ପଚାରି ହଇରାଣ କରିବ କିମ୍ବା ତାକୁ ପିଲା ମନେକରି ସେଠାରୁ ତଡିଦେବ । ତେଣୁ ଲକ୍ଷ୍ମୀ ସବୁଦିନ ଦ୍ୱିପହରେ ମନ୍ଦିର ନିକଟକୁ ଆସେ, ମାତ୍ର ପୂଜାରୀକୁ ଦେଖି ଫେରିଯାଏ । ଆଜି ପୂଜାରୀ ଶୋଇ ଘୁଙ୍ଗୁଡି ମାରୁଥିବାରୁ ଲକ୍ଷ୍ମୀକୁ ବେଶ୍ ସୁଯୋଗ ମିଳିଛି ମନ୍ଦିର ଭିତରେ ପଶି ଠାକୁରଙ୍କ ସହିତ ଟିକେ ଦୁଃଖ ସୁଖ ହେବାପାଇଁ ।

ଲକ୍ଷ୍ମୀର ପିଲା ମନ । ମା ଠାରୁ ଶୁଣିଛି ଶିଶୁଭକ୍ତ ଧ୍ରୁବ, ପ୍ରହ୍ଲାଦଙ୍କ କଥା । ସେମାନେ ଠାକୁରଙ୍କୁ ଦେଖା କରି, ସେମାନଙ୍କର ମନକଥା କହିଥିଲେ । ସେହି ବିଚାରଧାରା ଲକ୍ଷ୍ମୀ ମନରେ ରହିଛି । ଅତି ସତର୍କତାର ସହିତ ସେ ମନ୍ଦିର ଭିତରେ ପ୍ରବେଶ କରିଛି । ଭିତରକୁ ଯାଇ ଠାକୁରଙ୍କୁ ମୁଣ୍ଡିଆ ମାରିଛି । ଖୁସି ମନରେ ପ୍ରାୟ ଦୁଇ ମିନିଟ୍ ଠାକୁରଙ୍କ ବେଶ ପୋଷାକକୁ ଚାହିଁଛି । ତାପରେ ସରଳ ଭାବରେ ଠାକୁରଙ୍କ ପାଖରେ ନିଜର ପରିଚୟ ଦେଇଛି । କହିଛି, ମୁଁ ହେଉଛି ଲକ୍ଷ୍ମୀ । ମାସେ ହେବ ତୁମ ପାଖକୁ ଆସିବାକୁ ଚେଷ୍ଟା କରୁଛି, ମାତ୍ର ଆସିପାରୁ ନାହିଁ । ପୂଜାରୀ ବୁଢା ଶୋଇ ଘୁଙ୍ଗୁଡି ମାରୁଛି । ରାତିରେ ଏମିତି ଶୋଇ ଘୁଙ୍ଗୁଡି ମାରିଲେ ତୁମକୁ କିପରି ନିଦ ହୁଏ ବୋଲି ଲକ୍ଷ୍ମୀ ପଚାରିଛି । ତାଙ୍କ ସ୍କୁଲର ପଣ୍ଡିତ ମଧ୍ୟ ଘୁଙ୍ଗୁଡି ମାରନ୍ତି । ତେଣୁ ସେ ଭାବିଛି, କେବଳ ପଣ୍ଡିତମାନେ ଘୁଙ୍ଗୁଡି ମାରନ୍ତି । ସେ ଯଦି ଘୁଙ୍ଗୁଡି ମାରିବା ଶିଖିଯିବ, ତା' ହେଲେ ସେ ବି ପଣ୍ଡିତ ହୋଇଯିବ । ହେଲେ ସେପରି ଘୁଙ୍ଗୁଡିମରା ପଣ୍ଡିତ ନ ହେବାକୁ ପ୍ରାର୍ଥନା କରିଛି ।

ଲକ୍ଷ୍ମୀ ଠାକୁରଙ୍କ ନିକଟରେ ତାହାର ସ୍ୱପ୍ନକଥା କହିଛି । ସେ ପଚାରିଛି ମାସକ ତଳେ ଠାକୁର ତା'ଙ୍କୁ ପଚାରୁଥିଲେ, ସେ କାହିଁକି ତାଙ୍କ ସହ ଖେଳୁ ନାହିଁ । ଠାକୁରଙ୍କ ସେହି ସ୍ୱପ୍ନ ପରେ, ସେ ତାଙ୍କ ପାଖକୁ ଆସିବାକୁ ଚେଷ୍ଟା ଠାକୁରଙ୍କ ସହିତ କଥା ହେଲାବେଳେ, ଲକ୍ଷ୍ମୀର ଆଖି ପଡିଯାଇଛି ମନ୍ଦିରରେ ରହିଥିବା କଦଳୀ ଉପରେ । ଭୋଗ ପାଇଁ

ଥୁଆ ହୋଇଥିବା କଦଳୀ କାନ୍ଦିର ଉପର ଫେଣା ପାଚିଥିବା ସେ ଦେଖିଛି । ପାଚିଲା କଦଳୀକୁ ସେ ଗଣି ନେଇଛି । ଚବିଶଟା କଦଳୀକୁ ଦୈନିକ ଚାରିଟା ଲେଖା ଖାଇଲେ କେତେ ଦିନ ଯିବ ଲକ୍ଷ୍ମୀ ତାକୁ ହିସାବ କରିଛି । ହିସାବ କରିବାରେ ଲକ୍ଷ୍ମୀର ଗୋଳମାଳ ହୋଇଯାଇଛି । ତା'ର ଅଙ୍କ ଭଲ ହୁଏ ନାହିଁ ବୋଲି ସେ ଠାକୁରଙ୍କ ନିକଟରେ ମାନିଯାଇଛି ।

ଲକ୍ଷ୍ମୀ ଠାକୁରଙ୍କୁ ବର ମାଗିଛି । ସମସ୍ତେ କେମିତି ତାଙ୍କୁ ଧୀର ଭାବରେ ଭକ୍ତି କରିବେ, ସେ କଥା କହିଛି । କାରଣ, ତାଙ୍କ ମନ୍ଦିରରେ ଲାଗିଥିବା କଳ ଗାଉଣା ଓ ଯନ୍ତ୍ରତୁଙ୍ଗାକୁ ସେ ପସନ୍ଦ କରିନାହିଁ । ମସଜିଦ୍‌ରେ ଯନ୍ତ୍ରତୁଙ୍ଗା ଲଗାଇ ଠାକୁରଙ୍କୁ କହିବା ଦ୍ୱାରା ସେ ଚମକି ପଡେ ବୋଲି କହିଛି । ତେଣୁ ସେ ତା' ମା' ଙ୍କୁ ପଚାରିଛି, ଯନ୍ତ୍ରତୁଙ୍ଗା ଲଗାଇ କ'ଣ ଧ୍ରୁବ, ପ୍ରହ୍ଲାଦ ଭଗବାନଙ୍କ ସ୍ତବ ଗାଉଥିଲେ । ବୋଉ ତା'ର ଭାବିଚିନ୍ତି ମନା କରିଛି । ତେଣୁ ସେ ଠାକୁରଙ୍କୁ ଧୀରେ ଧୀରେ ଡାକିଛି ।

ସେହି ମନ୍ଦିର ବେଢାରେ ରବିବାର ସନ୍ଧ୍ୟାରେ ସାପ୍ତାହିକ ପୁରାଣ ପାଠ ହୋଇଛି । ସମସ୍ତେ ଠାକୁରଙ୍କୁ ପ୍ରଶଂସା କରିଛନ୍ତି । ଖାଇବା ଆହର ଯେ ଚୋରି କରି ନେଇଛି ତା'କୁ ସେ ଉଚିତ ଦଣ୍ଡ ଦେଇଛନ୍ତି ବୋଲି ସମସ୍ତେ କଥାବାର୍ତ୍ତା ହୋଇଛନ୍ତି । ଏହି ଆଲୋଚନାରେ ଅଂଶଗ୍ରହଣ କରିଥିବା ସ୍ଥାନୀୟ ନେତା ଭାବିଛି, ମନ୍ଦିର ପୁନଃନିର୍ମାଣ ବେଳେ ଅନେକ ଅର୍ଥ ଆତ୍ମସାତ୍ କରିଥିବା କଥା ଠାକୁର ଜାଣିନାହାଁନ୍ତି । ସେହିପରି ମନ୍ଦିର ସେବାରେ ନିଯୁକ୍ତ ଦୁଇଜଣ ସେବକ ବିଭିନ୍ନ ବିଭାର୍ରୁ କ୍ରମାଗତ କରୁଥିଲେ ମଧ୍ୟ ଠାକୁର କାହିଁକି ତା'ଙ୍କୁ ଦଣ୍ଡ ଦେଇ ନାହାଁନ୍ତି, ସେଥିପାଇଁ ଦୁଃଶ୍ଚିନ୍ତାରେ ପଡିଯାଇଛନ୍ତି । ଏହିପରି ଆଲୋଚନା ଚାଲିଥିବା ବେଳେ ପୂଜାରୀ ପଣ୍ଡିତେ ଅନୁଭବ କରିଛନ୍ତି, ଯେପରି ଦିଅଁଙ୍କ ବିଭୂତି ସିଂହାସନ ଛାଡି ଚାଲିଯାଇଛି । ସେଠାରେ କେବଳ ପଡି ରହିଛି ଦୀପ୍ତିହୀନ, ଅର୍ଥହୀନ ରୂପ ।

ପୂଜାରୀଙ୍କ ଦେହରେ ହାତ ମାରି ଜଣେ ସେବକ ଜାଣିଛି, ତା'ଙ୍କ ଦେହ ତାତିରେ ଖଇ ଫୁଟୁଛି । ସେହି ଘଟଣା ପରେ ଆଉ ବେଶୀଦିନ ବଞ୍ଚି ନାହାଁନ୍ତି । ଯେଉଁ କେତେଦିନ ଜୀବନର ଅବଶିଷ୍ଟ ସମୟ ବିତାଇଛନ୍ତି, ସେତେବେଳେ ସେ ଠାକୁରଙ୍କୁ ପ୍ରାର୍ଥନା କରିଛନ୍ତି, "ପ୍ରଭୁ, ପରଜନ୍ମରେ ଏ ପାପିଷ୍ଠ ଯେହ୍ନେ ଜିହ୍ୱାହୀନ ହୋଇ ଭୂମିଷ୍ଠ ହେଉ ।